ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୨୭ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୧୧୨୬୨ ରେ ପହଞ୍ଚିଲା - ସୁସ୍ଥ ହେଲେ ୬୩ ଜଣ ।

ଅନୁଗୋଳ, ତା,୧୧.୧୨:- ଆଜି ଅନୁଗୋଳ ଜିଲ୍ଲାରେ ୨୭ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ଵାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଂକ ସଂଖ୍ୟା ୧୯୭ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୦ଜଣ (୧୦ ଜଣ ପୁରୁଷ ), କଣିହାଁ ବ୍ଲକ୍ ଅଂଚଳରୁ ୬ଜଣ ( ୪ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୩ଜଣ ( ୨ଜଣ ପୁରୁଷ ଓ୧ ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୨ଜଣ (୧ ଜଣ ପୁରୁଷ ଓ୧ ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୨ଜଣ ( ୨ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧ଜଣ (୧ ଜଣ ପୁରୁଷ ) ଓ ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି ଅନୁଗୋଳ ବ୍ଲକ, ତାଳଚେର ପୌରାଞ୍ଚଳ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ଵଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ଵାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୬୩ଜଣ ସୁସ୍ଥ ହୋଇଛନ୍ତି । ସେମାନଂକ ମଧ୍ୟରେ ୧ଜଣ କୋଭିଡ ହସପିଟାଲରୁ ଓ ୬୨ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୮୦୪ ତା.୧୧.୧୨.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

୧୧.୧୨/୨୦୨୦

ଜି. ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ